# REGIONAL NEWS UNIT, AIR CUTTACK

## Morning Bulletin (7.05 AM)

### 22nd August - 2024

### News Editor : *Itishree Singh Rathaur*

**********************************

***IPR***

## ହକି ଦଳ

ପ୍ୟାରିସ୍ ଅଲିମ୍ପିକ୍ସରେ ଭାରତୀୟ ପୁରୁଷ ହକି ଦଳର ବ୍ରୋଞ୍ଜ୍ ପଦକ ଏକ ଦୃଢ଼ନିଷ୍ଠ ସ୍ୱର୍ଣ୍ଣିମ ଭବିଷ୍ୟତର ଶୁଭାରମ୍ଭ ପାଇଁ ଆହ୍ୱାନ ପ୍ରଦାନ କରିଛି ବୋଲି ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ କହିଛନ୍ତ । ଗତକାଲି ଭୁବନେଶ୍ୱର ଲୋକସେବା ଭବନରେ ହକି ଖେଳାଳିଙ୍କୁ ସମ୍ବର୍ଦ୍ଧିତ କରିବା ଅବସରରେ ମୁଖ୍ୟମନ୍ତ୍ରୀ କହିଛନ୍ତି, ଆଗାମୀ ଦିନରେ ହକି ଖେଳାଳିଙ୍କ ସଫଳତାପାଇଁ ରାଜ୍ୟ ସରକାର ସବୁ ପ୍ରକାର ସୁବିଧା ଓ ପ୍ରୋତ୍ସାହନ ଯୋଗାଇ ଦେବେ । ଏହାସହ ହକିର ବିକାଶ ପାଇଁ ଆହୁରି ନୂତନ ପଦକ୍ଷେପ ଗ୍ରହଣ କରାଯିବ ବୋଲି ମୁଖ୍ୟମନ୍ତ୍ରୀ କହିଛନ୍ତି । ସୂଚନା ଅନୁସାରେ, ଗତକାଲି ଭୁବନେଶ୍ୱରରେ ହକି ଖେଳାଳିମାନଙ୍କୁ ଭବ୍ୟ ସ୍ୱାଗତ ଓ ସମ୍ବର୍ଦ୍ଧନା ଦିଆଯାଇଥିଲା ।

*Desk*

## ଛାତ୍ରାବାସ ନିର୍ମାଣ

ରାଜ୍ୟରେ ଅନୁସୂଚିତ ଜାତି ଓ ଜନଜାତି ଉନ୍ନୟନ ଦ୍ୱାରା ପରିଚାଳିତ ୧ ହଜାର ୬୦୦ଟି ପ୍ରାଥମିକ ସ୍କୁଲ୍‌ରେ ନୂତନ ଛାତ୍ରାବାସ ନିର୍ମାଣ କରାଯିବ ବୋଲି ବିଦ୍ୟାଳୟ ଓ ଗଣଶିକ୍ଷା ମନ୍ତ୍ରୀ ନିତ୍ୟାନନ୍ଦ ଗଣ୍ଡ ବିଧାନସଭାରେ ସୂଚନା ଦେଇଛନ୍ତି । ବିରୋଧୀ ଦଳ ବିଧାୟକଙ୍କ ପ୍ରଶ୍ନର ଉତ୍ତରରେ ମନ୍ତ୍ରୀ କହିଛନ୍ତି, ଚଳିତ ଆର୍ଥିକ ବର୍ଷରେ ୫୦୦ଟି ପ୍ରାଥମିକ ସ୍କୁଲ୍‌ରେ ଛାତ୍ରାବାସ ନିର୍ମାଣ କରାଯିବ । ପ୍ରତି ଛାତ୍ରାବାସ ପିଛା ୨ କୋଟି ଟଙ୍କା ଖର୍ଚ୍ଚ ହେବ । ପ୍ରଥମ ପର୍ଯ୍ୟାୟରେ ୩୦୧ଟି ଛାତ୍ରାବାସର ଉନ୍ନତୀକରଣ ପାଇଁ କାର୍ଯ୍ୟାଦେଶ ଦିଆଯାଇଛି ବୋଲି ମନ୍ତ୍ରୀ କହିଛନ୍ତି ।

*Desk*

## ଶିକ୍ଷକ ନିଯୁକ୍ତି

ରାଜ୍ୟର ବିଭିନ୍ନ ବିଦ୍ୟାଳୟରେ ଖୁବ୍ ଶୀଘ୍ର ୧୬ ହଜାର ଶିକ୍ଷକଙ୍କୁ ନିଯୁକ୍ତି ଦିଆଯିବ ବୋଲି ବିଦ୍ୟାଳୟ ଓ ଗଣଶିକ୍ଷା ମନ୍ତ୍ରୀ ନିତ୍ୟାନନ୍ଦ ଗଣ୍ଡ ବିଧାନସଭାରେ କହିଛନ୍ତି । ବିରୋଧୀ ଦଳ ବିଧାୟକଙ୍କ ପ୍ରଶ୍ନର ଉତ୍ତରରେ ମନ୍ତ୍ରୀ କହିଛନ୍ତି, ଖାଲି ପଡ଼ିଥିବା ଅନୁସୂଚିତ ଜାତି ଓ ଜନଜାତି ଉନ୍ନୟନ ବିଭାଗଦ୍ୱାରା ପରିଚାଳିତ ବିଭିନ୍ନ ବିଦ୍ୟାଳୟରେ ୨ ହଜାର ୪୦୦ ଶିକ୍ଷକ

ପଦବୀ ମଧ୍ୟ ପୂରଣ କରାଯିବ । ଶିକ୍ଷକ ନିଯୁକ୍ତି ନେଇ ପ୍ରକ୍ରିୟା ଆରମ୍ଭ ହୋଇଛି ବୋଲି ମନ୍ତ୍ରୀ ସୂଚନା ଦେଇଛନ୍ତି ।

***Desk***

# ପି.ଏମ୍. ସୂର୍ଯ୍ୟଘର

ଦେଶର ୧ କୋଟି ଆବାସିକ ବିଲ୍‌ଡିଂରେ କେନ୍ଦ୍ର ସରକାର ୨୦୨୬-୨୭ ସୁଦ୍ଧା ପି.ଏମ୍. ସୂର୍ଯ୍ୟଘର ଓ ମୁକ୍ତ ବିଜୁଳି ଯୋଜନାରେ ସୌର ପ୍ୟାନେଲ୍ ସଂଯୋଗ କରିବାକୁ ଲକ୍ଷ୍ୟ ରଖିଛନ୍ତି । ଓଡ଼ିଶାରେ ୩ ଲକ୍ଷ ଘରକୁ ଏହି ଯୋଜନାରେ ଅନ୍ତର୍ଭୁକ୍ତ କରାଯିବ ବୋଲି ଉପମୁଖ୍ୟମନ୍ତ୍ରୀ କନକ ବର୍ଦ୍ଧନ ସିଂହଦେଓ ସୂଚନା ଦେଇଛନ୍ତି । ମନ୍ତ୍ରୀ କହିଛନ୍ତି, ଏହି ଯୋଜନାରେ ୩ କିଲୋୱାଟ୍ ପର୍ଯ୍ୟନ୍ତ ସୋଲାର୍ ୟୁନିଟ୍ ସ୍ଥାପନ ଲାଗି କେନ୍ଦ୍ର ସରକାର ୭୮ ହଜାର କୋଟି ଟଙ୍କାର ଆର୍ଥିକ ସହାୟତା ପ୍ରଦାନ କରୁଛନ୍ତି । ଏଥିରେ ପ୍ରତି ପରିବାର ମାସିକ ୩ ଶହ ୟୁନିଟ୍ ମାଗଣା ବିଜୁଳି ପାଇପାରିବେ ।

***BBSR/R***

# ନକ୍ସଲ ବିରୋଧ ବୈଠକ

ନକ୍ସଲ ପ୍ରଭାବିତ ଓଡ଼ିଶା ସମେତ ୬ଟି ରାଜ୍ୟକୁ ନେଇ ଆସନ୍ତା ଶନିବାର ରାୟପୁରଠାରେ ନକ୍ସଲ୍ ବିରୋଧୀ ସଂଯୋଜନା ବୈଠକ ଅନୁଷ୍ଠିତ ହେବ । ସ୍ୱରାଷ୍ଟ୍ର ମନ୍ତ୍ରୀ ଅମିତ୍ ଶାହାଙ୍କ ଅଧ୍ୟକ୍ଷତାରେ ଅନୁଷ୍ଠିତ ହେବାକୁ ଥିବା

ଏହି ବୈଠକରେ ରାଜ୍ୟ ମୁଖ୍ୟ ଶାସନ ସଚିବ ମନୋଜ ଆହୁଜା ଏବଂ ପୁଲିସ ମହାନିର୍ଦ୍ଦେଶକ ୱାଇ.ବି. ଖୁରାନିଆ ଯୋଗ ଦେବାର କାର୍ଯ୍ୟସୂଚୀ ରହିଛି ।

***BBSR/R***

# ଆଇ.ଏ.ଏସ୍. ଅଦଳ ବଦଳ

ରାଜ୍ୟ ସରକାର ଗତକାଲି ଭାରତୀୟ ପ୍ରଶାସନିକ ସେବା ଅଧିକାରୀ - ଆଇ.ଏ.ଏସ୍. ସ୍ତରରେ ଏକ ବଡ଼ଧରଣର ଅଦଳ ବଦଳ କରିଛନ୍ତି । ସ୍ୱତନ୍ତ୍ର ରିଲିଫ୍ କମିଶନର ସତ୍ୟବ୍ରତ ସାହୁଙ୍କୁ ଗୃହ ବିଭାଗର ଅତିରିକ୍ତ ମୁଖ୍ୟ ଶାସନ ସଚିବ ଦାୟିତ୍ୱ ଦିଆଯାଇଛି । ଦେଓରଞ୍ଜନ କୁମାର ସିଂହଙ୍କୁ ରାଜସ୍ୱ ଓ ବିପର୍ଯ୍ୟୟ ପରିଚାଳନା ବିଭାଗର ଅତିରିକ୍ତ ମୁଖ୍ୟ ଶାସନ ସଚିବ ଭାବେ ଦାୟିତ୍ୱ ପ୍ରଦାନ କରାଯାଇଥିବାବେଳେ ସ୍ୱତନ୍ତ୍ର ରିଲିଫ୍ କମିଶନର ଏବଂ ଓସ୍‌ଡମା'ର ପରିଚାଳନା ନିର୍ଦ୍ଦେଶକ ଭାବେ ସେ କାର୍ଯ୍ୟ କରିବେ । ସୁରେନ୍ଦ୍ର କୁମାରଙ୍କୁ ଇସ୍ପାତ ଓ ଖଣି ବିଭାଗର ଅତିରିକ୍ତ ମୁଖ୍ୟ ଶାସନ ସଚିବ ଭାବେ ନିଯୁକ୍ତ କରାଯାଇଛି । ଉଷା ପାଢ଼ୀଙ୍କୁ ଗୃହନିର୍ମାଣ ଓ ନଗର ଉନ୍ନୟନ ବିଭାଗର ପ୍ରମୁଖ ସଚିବ ଭାବେ ଅବସ୍ଥାପିତ କରାଯାଇଛି । ରୂପାରୋଶନ ସାହୁଙ୍କୁ ଦକ୍ଷିଣାଞ୍ଚ ଆର୍.ଡି.ସି. ଓ ସଚିନ ରାମଚନ୍ଦ୍ର ଯାଦବଙ୍କୁ ଉତ୍ତରାଞ୍ଚଳ ଆର୍.ଡି.ସି. ଭାବେ ବଦଳି କରାଯାଇଥିବା ସାଧାରଣ ପ୍ରଶାସନ ଓ ସାଧାରଣ ଅଭିଯୋଗ ବିଭାଗ ପକ୍ଷରୁ ବିଜ୍ଞପ୍ତି ପ୍ରକାଶ ପାଇଛି ।

*IPR*

## ସେତୁ ନିର୍ମାଣ

କେନ୍ଦ୍ର ସଡ଼କ ପରିବହନ ଓ ରାଜପଥ ବିଭାଗ ଇବ୍ ନଦୀ ଉପରେ ପ୍ରସ୍ତାବିତ ସେତୁ ନିର୍ମାଣ ପାଇଁ ୫୫ କୋଟି ୪୩ ଲକ୍ଷ ଟଙ୍କା ମଞ୍ଜୁରି କରିଛି । ଏନେଇ ରାଜସ୍ୱ ଓ ବିପର୍ଯ୍ୟୟ ପରିଚାଳନା ମନ୍ତ୍ରୀ ସୁରେଶ ପୂଜାରୀ ବିଭାଗୀୟ ଅଧିକାରୀଙ୍କୁ ଏହି ସେତୁ ନିର୍ମାଣ କାର୍ଯ୍ୟ ଶୀଘ୍ର ଆରମ୍ଭ କରିବାପାଇଁ ପରାମର୍ଶ ଦେଇଛନ୍ତି ।

*BBSR/R*

## ଏସ୍‌ମା ଲାଗୁ

ରାଜ୍ୟର ସ୍ୱାସ୍ଥ୍ୟକ୍ଷେତ୍ରରେ ନିୟୋଜିତ ହୋଇଥିବା ନର୍ସ, ପାରାମେଡିକାଲ୍, ଟେକ୍ନିସିଆନ୍, ତୃତୀୟ ଓ ଚତୁର୍ଥ ଶ୍ରେଣୀ କର୍ମଚାରୀଙ୍କ ଉପରେ ସରକାର ଏସ୍‌ମା ଲାଗୁ କରିଛନ୍ତି । ଏହି ଆଇନ ଅନୁଯାୟୀ କର୍ମଚାରୀମାନେ କୌଣସି ପ୍ରକାର ଆନ୍ଦୋଳନ କରିପାରିବେ ନାହିଁ । ଗତ ୭ ତାରିଖରୁ ଏସ୍‌ମା ଲାଗୁ ହୋଇଥିବାବେଳେ ଆସନ୍ତା ୬ ମାସ ପର୍ଯ୍ୟନ୍ତ ଏହା ବଳବତ୍ତର ରହିବ ବୋଲି ଗୃହ ବିଭାଗ ପକ୍ଷରୁ ନିର୍ଦ୍ଦେଶନାମା ଜାରି କରାଯାଇଛି ।

**IPR**

# ବଜ୍ରପାତ

ରାଜ୍ୟରେ ବଜ୍ରପାତ ଯୋଗୁଁ ପ୍ରାଣ ହରାଇଥିବା ବ୍ୟକ୍ତିଙ୍କ ପରିବାରବର୍ଗଙ୍କ ପାଇଁ ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ ୪ ଲକ୍ଷ ଟଙ୍କା ଲେଖାଏଁ ଅନୁକମ୍ପାମୂଳକ ସହାୟତା ରାଶି ଘୋଷଣା କରିଛନ୍ତି । ଏହାସହ ଆହତମାନଙ୍କୁ ସମସ୍ତ ଚିକିତ୍ସା ଖର୍ଚ୍ଚ ସରକାର ବହନ କରିବାକୁ ନିର୍ଦ୍ଦେଶ ଦେଇଛନ୍ତି । ସୂଚନା ଅନୁସାରେ, ଗତକାଲି ୬ଟି ଜିଲ୍ଲାରେ ବଜ୍ରପାତରେ ୮ ଜଣଙ୍କର ମୃତ୍ୟୁ ହୋଇଥିବାବେଳେ ୮ ଜଣ ଗୁରୁତର ଆହତ ହୋଇଥିଲେ ।

**BBSR/R**

# ପାଣିପାଗ

ରାଜ୍ୟରେ ମୌସୁମୀ ପ୍ରଭାବାରେ ଆସନ୍ତା ୫ ଦିନ ପର୍ଯ୍ୟନ୍ତ ବର୍ଷା ଲାଗି ରହିବ ବୋଲି ଭୁବନେଶ୍ୱର ଆଂଚଳିକ ପାଣିପାଗ ବିଜ୍ଞାନ କେନ୍ଦ୍ର ପକ୍ଷରୁ କୁହାଯାଇଛି। ଝାଡ଼ଖଣ୍ଡ ଓ ତା’ର ନିକଟବର୍ତ୍ତୀ ଅଞ୍ଚଳରେ ଘୂର୍ଣ୍ଣିବଳୟ ସକ୍ରିୟ ରହିଛି । ଆସନ୍ତା ଦୁଇ ଦିନ ମଧ୍ୟରେ ତାହା ଅଧିକ ଘନୀଭୂତ ହୋଇ ବର୍ଷାର ପରିମାଣ ବୃଦ୍ଧି ପାଇବ ବୋଲି ପାଣିପାଗ ବିଭାଗ ପକ୍ଷରୁ ସୂଚନା ଦିଆଯାଇଛି । ଆସନ୍ତା ୨୪ ଘଣ୍ଟା ମଧ୍ୟରେ ମୟୂରଭଞ୍ଜ, କେନ୍ଦୁଝର, ମାଲକାନଗିରି ଜିଲ୍ଲାର କେତେକ ସ୍ଥାନରେ ପ୍ରବଳ ବର୍ଷାର ସମ୍ଭାବନା ରହିଛି ।

*****